ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୬୫ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୪୨୭୫ରେ ପହଞ୍ଚିଲା - ସୁସ୍ଥ ହେଲେ ୫୦ ଜଣ ।

ଅନୁଗୋଳ, ତା.୨୬.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୬୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୮ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୩୧୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ପୌରାଞ୍ଚଳରୁ ୩୫ଜଣ ( ୨୨ଜଣ ପୁରୁଷ ଓ୧୩ ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୩୪ଜଣ ( ୨୪ଜଣ ପୁରୁଷ ଓ ୧୦ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩୦ଜଣ ( ୨୩ଜଣ ପୁରୁଷ ଓ ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୦ଜଣ ( ୧୭ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୪ଜଣ ( ୧୦ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୨ଜଣ (୧୦ ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୧ଜଣ (୧୦ ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୦ ଜଣ ସୁସ୍ଥ ହୋଇଥିବାର ଥିବାର ଜଣାପଡିଛି ।

ଅପରାହ୍ନରେ ଜିଲ୍ଲାପାଳ କୋଭିଡର ସ୍ଥିତି ଓ ସରକାରଙ୍କ ଗାଇଡ୍ ଲାଇନ୍ ସଠିକ୍ ଭାବେ ପାଳନ କରିବାକୁ ନେଇ ସମୀକ୍ଷା କରିଥିଲେ । ସାମ୍ପ୍ରତିକ ପରିସ୍ଥିତିରେ ସମସ୍ତ ସ୍ୱାସ୍ଥ୍ୟ କେନ୍ଦ୍ର ଓ କୋଭିଡ କେୟାର ସେଣ୍ଟରରେ ଆବଶ୍ୟକ ପରିମାଣର ଅକ୍ସିଜେନ୍ ଗଛିତ ରଖିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । କୋଭିଡ କେୟାର ସେଣ୍ଟରର ସଠିକ୍ ପରିଚାଳନାକୁ ନେଇ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ତହସିଲଦାରଙ୍କୁ ଦାୟିତ୍ୱ ଦିଆଯାଇଛି । କରୋନା ସଂକ୍ରମଣ ଦିନକୁ ଦିନ ବୃଦ୍ଧି ପାଉଥିବାରୁ ଏହାକୁ ନିୟନ୍ତ୍ରଣ କରିବା ନିମନ୍ତେ ସରକାରଂକ ଦ୍ୱାରା ପ୍ରଦତ୍ତ ନିୟମାବଳୀକୁ କଡା କଡି ପାଳନ କରିବା ଉପରେ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ ଓ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶ ପ୍ରମୁଖ ଉପସ୍ଥିତ ଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୮୦ ତା.୨୬.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,

ଅନୁଗୋଳ ।